# ପ୍ରାକୃତିକ ବିପର୍ଯ୍ୟୟ ମୁକାବିଲା ନିମନ୍ତେ ଜିଲ୍ଲା ସ୍ତରୀୟ ସମୂହ ଅଭ୍ୟାସ (Mock Drill) ଅନୁଷ୍ଠିତ ।

ବନ୍ୟା ଓ ବାତ୍ୟା ଭଳି ପ୍ରାକୃତିକ ବିପର୍ଯ୍ୟୟ ସମୟରେ ଲୋକମାନଙ୍କର ଧନ ଜୀବନର ସୁରକ୍ଷା ନିମନ୍ତେ ଆଜି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଜିଲ୍ଲା ସ୍ତରୀୟ ସମୂହ ଅଭ୍ୟାସ (Mock Drill) ଅନୁଷ୍ଠିତ ହୋଇଯାଇଛି । ଅନୁଗୋଳ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ଏହି କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିବା ସହ ପ୍ରାକୃତିକ ବିପର୍ଯ୍ୟୟ ସମୟରେ କିପରି ସତର୍କତା ଅବଲମ୍ବନ କରାଯାଇ ଲୋକମାନଙ୍କର ଧନଜୀବନର ସୁରକ୍ଷା କରାଯିବ ସେ ସମ୍ପର୍କୀତ ଜ୍ଞାନ କୌଶଳ ଏହି ସମୂହ ଅଭ୍ୟାସରୁ ଶିକ୍ଷା କରି ଅନ୍ୟମାନଙ୍କୁ ସଚେତନ କରିବାକୁ ପରାମର୍ଶ ଦେଇଛନ୍ତି । ସାମ୍ପ୍ରତିକ ପରିସ୍ଥିତିରେ କରୋନା ଭୁତାଣୁ ସଂକ୍ରମଣକୁ ଦୃଷ୍ଟିରେ ରଖି ଚଳିତ ବର୍ଷ ଏହି ସମୂହ ଅଭ୍ୟାସ କାର୍ଯ୍ୟକ୍ରମରେ ବିଭିନ୍ନ ଶିକ୍ଷାନୁଷ୍ଠାନର ଛାତ୍ର ଛାତ୍ରୀମାନଙ୍କୁ ସାମିଲ କରାଯାଇ ନାହିଁ । କେବଳ ଅନୁଗୋଳ ସ୍ୱୟଂ ଶାସିତ ମହାବିଦ୍ୟାଳୟର ଏନ୍ ସି ସି ଓ ନେହେରୁ ଯୁବକେନ୍ଦ୍ରର ସ୍ୱେଚ୍ଛାସେବୀମାନଙ୍କୁ ନେଇ ସାମାଜିକ ଦୂରତାକୁ ଅନୁସରଣ କରି ଏହି ସମୂହ ଅଭ୍ୟାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ବିଭିନ୍ନ ବିଭାଗୀୟ ଅଧିକାରୀମାନେ ନିଜ ନିଜ ବିଭାଗରେ ଉପଲବଧ ଥିବା ସମ୍ୱଳକୁ ସଠିକ୍ ଭାବେ ବିନିଯୋଗ କରି ବିପର୍ଯ୍ୟୟ ମୁକାବିଲା କରିବା ନିମନ୍ତେ ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ । ପ୍ରାକୃତିକ ବିପର୍ଯ୍ୟୟ ପୂର୍ବରୁ ଏବଂ ପରବର୍ତ୍ତୀ ସମୟରେ ବିଭାଗୀୟ ଅଧିକାରୀମାନେ କରୋନା ସଂକ୍ରମଣର ନିର୍ଦ୍ଦେଶାବଳୀ ଆଧାରରେ ସତର୍କ ଓ ସଜାଗ ରହିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଜିଲ୍ଲା ପ୍ରଶାସନ ଦ୍ୱାରା ଆୟୋଜିତ ଓ ନେହେରୁ ଯୁବ କେନ୍ଦ୍ର ସହାୟତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ , ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ,ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ପ୍ରମୁଖ ଯୋଗ ଦେଇଥିଲେ । ଏହି ସମୂହ ଅଭ୍ୟାସ କାର୍ଯ୍ୟକ୍ରମରେ ଜିଲ୍ଲା ଅଗ୍ନିଶମ ବିଭାଗର ଅଧିକାରୀ ଶ୍ରୀ ସର୍ବେଶ୍ୱର ବରାଳ ଓ ତାଂକ ବିଭାଗର କର୍ମଚାରୀମାନେ ବିପର୍ଯ୍ୟୟ ସମୟରେ ଲୋକମାନଙ୍କର ଧନଜୀବନ କିପରି ରକ୍ଷା କରାଯାଇପାରିବ ସେ ସମ୍ପର୍କୀତ ଜ୍ଞାନ କୌଶଳ ନିରାପତ୍ତା ସାମଗ୍ରୀ ମାଧ୍ୟମରେ ପ୍ରଦର୍ଶନ କରିଥିଲେ । ବିପର୍ଯ୍ୟୟ ସମୟରେ ରାସ୍ତାରୁ ଗଛ କାଟିବା ଏବଂ ଜଳମଗ୍ନ ଅଂଚଳରୁ

ବୋଟ ମାଧ୍ୟମରେ ଲୋକମାନଙ୍କୁ ଉଦ୍ଧାର କରିବା ଓ ନିଆଁ ଲାଗିଥିବା ସ୍ଥାନରେ ତୁରନ୍ତ ଏହାକୁ ଲିଭାଇବାର ଜ୍ଞାନ କୌଶଳ ପ୍ରଦର୍ଶିତ କରିଥିଲେ । ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି ବିଭିନ୍ନ ସମୟରେ ରାଜ୍ୟ ତଥା ରାଜ୍ୟ ବାହାରେ ଘଟୁଥିବା ପ୍ରାକୃତିକ ବିପର୍ଯ୍ୟୟ ସମୟରେ ଅଗ୍ନିଶମ ବିଭାଗ ଜୀବନକୁ ବାଜି ଲଗାଇ ଲୋକମାନଙ୍କର ଧନଜୀବନ ରକ୍ଷା କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରୁଥିବାରୁ ସେମାନଙ୍କ ଉଦ୍ୟମକୁ ପ୍ରଶଂସା କରିବା ସହ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ । ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଅନୁଗୋଳ ତହସିଲଦାର ଶ୍ରୀ ନେହେରୁ ମାଝି, ଅନୁଗୋଳ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ଅଂଶୁମାନ ଶତପଥି, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀ ମାଧବ ଚନ୍ଦ୍ର ବରାଡ,ଆସିଷ୍ଟାଣ୍ଟ କଲେକ୍ଟର ଈଶାନୀ ପଣ୍ଡା ଓ ମନୀଷା ଗୁପ୍ତା,ଏମ୍ ସି ଏଲର ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ ଶ୍ରୀ ରତନ କୁମାର ଆଚାର୍ଯ୍ୟ, ଅନୁଗୋଳ ସ୍ୱୟଂ ଶାସିତ ମହାବିଦ୍ୟାଳୟର ଏନ୍ ସି ସି ଅଧିକାରୀ ଶ୍ରୀ ଅଭିମନ୍ୟୁ ଦାସଂକ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ । ଏହି କାର୍ଯ୍ୟକ୍ରମକୁ ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦିପ୍, ଓଡିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା ପ୍ରାଧିକରଣର ଜିଲ୍ଲା ପ୍ରକଳ୍ପ ଅଧିକାରୀ ଶ୍ରୀ ପ୍ରଦୋଶ କୁମାର ଶତପଥି ଓ ଜିଲ୍ଲା କାର୍ଯ୍ୟାଳୟର ବରିଷ୍ଠ ରାଜସ୍ୱ ସହାୟକ ଶ୍ରୀ ଲମ୍ବୋଦର ବେହେରା ଆୟୋଜନ କରିଥିଲେ ।


FIT INDIA


aska


RILL- 2020
ous, Angul
uthority (OSDMA)